# State level Orientation Programme for DIOs on NeVA

**29th June 2024, NeVA Facilitation Centre, OLA, Bhuabneswar**

## Sambad Kalika


ଭୁବନେଶ୍ୱର
୩୦ ଜୁନ୍
ରବିବାର, ୨୦୨୪

RNI Regd. No. : 52640/94
Postal Regd. No. : BN/60/22-24


### ରାଜ୍ୟସ୍ତରୀୟ ଇ-ବିଧାନ ତାଲିମ ଶିବିର ଉଦ୍‌ଘାଟିତ

# ବିଧାନସଭାର ସମସ୍ତ କାର୍ଯ୍ୟ କାଗଜମୁକ୍ତ ହେବ : ବାଚସ୍ପତି



**ଭୁବନେଶ୍ୱର, ୨୯/୦୬ ନ୍ୟୁଜ ବ୍ୟୁରୋ**
ଓଡ଼ିଶା ବିଧାନସଭା ସ୍ୱରୂପ ବଦଳିଛି ଓ କାର୍ଯ୍ୟଧାରାରେ ବ୍ୟାପକ ପରିବର୍ତ୍ତନ ସମ୍ଭବ ହୋଇପାରିଛି। ସମସ୍ତ କାର୍ଯ୍ୟର ଡିଜିଟାଇଜେସନ୍ ପ୍ରକ୍ରିୟା ଆରମ୍ଭ ହୋଇଛି। ବିଧାନସଭାର କାର୍ଯ୍ୟକୁ କାଗଜବିହୀନ କରିବା ଉପରେ ଗୁରୁତ୍ୱାରୋପ କରାଯାଉଛି। ଏହାର ଫଳ ସ୍ୱରୂପ ଜାତୀୟ ଇନ୍‌ଫରମେଟିକ୍ ସେଣ୍ଟର (ଏନ୍‌ଆଇସି) ପକ୍ଷରୁ ରାଜ୍ୟ ବିଧାନସଭାରେ ନେଭା ନାମରେ ଇ-ବିଧାନ ପ୍ରକଳ୍ପ ଆରମ୍ଭ ହୋଇଛି। ଓଡ଼ିଶା ବିଧାନସଭା ସିଏସ୍ ଆଇ-ଇ-ଗଭର୍ଣ୍ଣାନ୍ସ ଉତ୍କର୍ଷ ସମ୍ମାନରେ ସମ୍ମାନିତ ହୋଇଛି ବୋଲି ବାଚସ୍ପତି ଶ୍ରୀମତୀ ସୁରମା ପାଢ଼ୀ ପ୍ରକାଶ କରିଛନ୍ତି। ଓଡ଼ିଶା ବିଧାନସଭା ପରିସରରେ ରାଜ୍ୟସ୍ତରୀୟ ଇ-ବିଧାନ ତାଲିମ ଶିବିରକୁ ଆନୁଷ୍ଠାନିକ ଭାବେ ଉଦ୍‌ଘାଟନ କରି ବାଚସ୍ପତି ଶ୍ରୀମତୀ ପାଢ଼ୀ କହିଲେ ଯେ ବିଧାନସଭାର ସମସ୍ତ କାର୍ଯ୍ୟ କାଗଜମୁକ୍ତ ହେବା ଦ୍ୱାରା ପରିବେଶ ସନ୍ତୁଳନ ରକ୍ଷାରେ ଏହା ସହାୟକ ହେବ। ପୂର୍ବ ବିଧାନସଭାରେ ଏହି କାର୍ଯ୍ୟ ଆରମ୍ଭ ହୋଇଥିବାବେଳେ ଚଳିତ ବିଧାନସଭାରେ ଏହା ସଂପୂର୍ଣ୍ଣ ହେବ। ବିଧାନସଭାର ସମସ୍ତ କାର୍ଯ୍ୟଧାରା, ପ୍ରଶ୍ନୋତ୍ତର କାର୍ଯ୍ୟକ୍ରମଠାରୁ ଆରମ୍ଭ କରି ସମସ୍ତ ବିଲ୍ ଓ ଆନୁଷଙ୍ଗିକ କାର୍ଯ୍ୟକଳାପ ନେଭା ମାଧ୍ୟମରେ ସହଜ ଓ ସରଳ ହୋଇପାରିବ। କୃତ୍ରିମ ବୁଦ୍ଧିମତାର ପରିସର ଯେପରି ବ୍ୟାପକ ହେବାରେ ଲାଗିଛି। ଏହି ପ୍ରକଳ୍ପକୁ ଆମକୁ ନିର୍ଦ୍ଦିଷ୍ଟ ସମୟସୀମା ମଧ୍ୟରେ ସାରିବାକୁ ପଡ଼ିବ, ନହେଲେ ବୈଷୟିକ ଦୃଷ୍ଟିରୁ ଆମେ ପଛରେ ପଡ଼ିଯିବା। ଆଗାମୀ ଦିନରେ ନେଭା କାର୍ଯ୍ୟକ୍ରମକୁ କାଗଜମୁକ୍ତ କରାଯିବା ଫଳରେ ଜୀବନ୍ତ ସଦନ, ଜୀବନ୍ତ ପ୍ରଜାତନ୍ତ୍ରର ଆଭିମୁଖ୍ୟ ହାସଲ ହୋଇପାରିବ ବୋଲି ବାଚସ୍ପତି ଶ୍ରୀମତୀ ପାଢ଼ୀ କହିଥିଲେ। ଏହି ଅବସରରେ ବିଧାନସଭାର ସଚିବ ଦାଶରଥି ଶତପଥୀ କହିଲେ ଯେ ଗଣତାନ୍ତ୍ରିକ ପଦ୍ଧତିରେ ଚାଲୁଥିବା ବିଧାନସଭାର କାର୍ଯ୍ୟଧାରା କାଗଜମୁକ୍ତ ହୋଇପାରିବା ଏକ ସ୍ୱାଗତଯୋଗ୍ୟ ପଦକ୍ଷେପ। ଏହା ଫଳରେ ସମସ୍ତ କାର୍ଯ୍ୟ ସମୟସାପେକ୍ଷ ଓ ସ୍ୱଚ୍ଛ ହୋଇପାରିବ ବୋଲି ଶ୍ରୀମତୀ ପାଢୀ କହିଛନ୍ତି।

## Anupam Bharat

# ରାଜ୍ୟସ୍ତରୀୟ ଇ-ବିଧାନ ତାଲିମ ଶିବିର ଉଦ୍‌ଘାଟିତ

ଭୁବନେଶ୍ୱର,୨୯।୬(ଅନୁପମ ମିଡ଼ିଆ):ଓଡ଼ିଶା ବିଧାନସଭା ସ୍ୱରୂପ ବଦଳିଛି ଓ କାର୍ଯ୍ୟଧାରାରେ ବ୍ୟାପକ ପରିବର୍ତ୍ତନ ସମ୍ଭବ ହୋଇପାରିଛି । ସମସ୍ତ କାର୍ଯ୍ୟର ଡିଜିଟାଇଜେସନ୍ ପ୍ରକ୍ରିୟା ଆରମ୍ଭ ହୋଇଛି । ବିଧାନସଭାର କାର୍ଯ୍ୟକୁ କାଗଜବିହୀନ କରିବା ଉପରେ ଗୁରୁତ୍ୱାରୋପ କରାଯାଉଛି । ଏହା ଫଳ ସ୍ୱରୂପ ଜାତୀୟ ଇନ୍‌ଫରମେଟିକ୍ ସେଣ୍ଟର (ଏନ୍‌ଆଇସି) ପକ୍ଷରୁ ରାଜ୍ୟ ବିଧାନସଭାରେ ନେଭା ନାମରେ ଇ-ବିଧାନ ପ୍ରକଳ୍ପ ଆରମ୍ଭ ହୋଇଛି । ଓଡ଼ିଶା ବିଧାନସଭା ସିଏସ୍‌ଆଇ-ଇ-ଗଭର୍ଣ୍ଣାନ୍ସ ଉତ୍କର୍ଷ ସମ୍ମାନରେ ସମ୍ମାନିତ ହୋଇଛି ବୋଲି ବାଚସ୍ପତି ସୁରମା ପାଢ଼ୀ ପ୍ରକାଶ କରିଛନ୍ତି । ଓଡ଼ିଶା ବିଧାନସଭା ପରିସରରେ ରାଜ୍ୟସ୍ତରୀୟ ଇ-ବିଧାନ ତାଲିମ ଶିବିରକୁ ଆନୁଷ୍ଠାନିକ ଭାବେ ଉଦ୍‌ଘାଟନ କରି ବାଚସ୍ପତି ପାଢ଼ୀ କହିଲେ ଯେ ବିଧାନସଭାର ସମସ୍ତ କାର୍ଯ୍ୟ କାଗଜମୁକ୍ତ ହେବା ଦ୍ୱାରା ପରିବେଶ ସନ୍ତୁଳନ ରକ୍ଷାରେ ଏହା ସହାୟକ ହେବ । ପୂର୍ବ ବିଧାନସଭାରେ ଏହି କାର୍ଯ୍ୟ ଆରମ୍ଭ

**ବିଧାନସଭାର ସମସ୍ତ କାର୍ଯ୍ୟ କାଗଜମୁକ୍ତ ହେବ । ଜୀବନ୍ତ ସଦନ, ଜୀବନ୍ତ ପ୍ରଜାତନ୍ତ୍ର: ବାଚସ୍ପତି**

ହୋଇଥିବାବେଳେ ଚଳିତ ବିଧାନସଭାରେ ଏହା ସଂପୂର୍ଣ୍ଣ ହେବ । ବିଧାନସଭାର ସମସ୍ତ କାର୍ଯ୍ୟଧାରା, ପ୍ରଶ୍ନୋତ୍ତର କାର୍ଯ୍ୟକ୍ରମଠାରୁ ଆରମ୍ଭ କରି ସମସ୍ତ ବିଲ୍ ଓ ଆନୁଷଙ୍ଗିକ କାର୍ଯ୍ୟକଳାପ ନେଭା ମାଧ୍ୟମରେ ସହଜ ଓ ସରଳ ହୋଇପାରିବ । କୃତ୍ରିମ ବୁଦ୍ଧିମତାର ପରିସର ଯେପରି ବ୍ୟାପକ ହେବାରେ ଲାଗିଛି । ଏହି ପ୍ରକଳ୍ପକୁ ଆମକୁ ନିର୍ଦ୍ଦିଷ୍ଟ ସମୟସୀମା ମଧ୍ୟରେ ସାରିବାକୁ ପଡ଼ିବ, ନହେଲେ ବୈଷୟିକ ଦୃଷ୍ଟିରୁ ଆମେ ପଛରେ ପଡ଼ିଯିବା ।

ଆଗାମୀ ଦିନରେ ନେଭା କାର୍ଯ୍ୟକ୍ରମକୁ କାଗଜମୁକ୍ତ କରାଯିବା ଫଳରେ ଜୀବନ୍ତ ସଦନ, ଜୀବନ୍ତ ପ୍ରଜାତନ୍ତ୍ରର ଆଭିମୁଖ୍ୟ ହାସଲ ହୋଇପାରିବ ବୋଲି ବାଚସ୍ପତି ପାଢ଼ୀ କହିଥିଲେ । ଏହି ଅବସରରେ ବିଧାନସଭାର ସଚିବ ଦାଶରଥି ଶତପଥୀ କହିଲେ ଯେ ଗଣତାନ୍ତ୍ରିକ ପଦ୍ଧତିରେ ଚାଲୁଥିବା ବିଧାନସଭାର କାର୍ଯ୍ୟଧାରା କାଗଜମୁକ୍ତ ହୋଇପାରିବା ଏକ ସ୍ୱାଗତଯୋଗ୍ୟ ପଦକ୍ଷେପ । ଏହା ଫଳରେ ସମସ୍ତ କାର୍ଯ୍ୟ ସମୟସାପେକ୍ଷ ଓ ସ୍ୱଚ୍ଛ ହୋଇପାରିବ । ନେଭା ପ୍ରକଳ୍ପର ମୂଳ ଲକ୍ଷ୍ୟ ହେଉଛି କାଗଜମୁକ୍ତ ଯୋଜନାକୁ କାର୍ଯ୍ୟକାରୀ କରିବା । ଆମର ଜିଲ୍ଲାସ୍ତରରେ ଜିଲ୍ଲା ସୂଚନା ବିଜ୍ଞାନ ଅଧିକାରୀମାନଙ୍କର ଭୂମିକା ଏ କ୍ଷେତ୍ରରେ ଖୁବ୍ ଗୁରୁତ୍ୱପୂର୍ଣ୍ଣ । କାର୍ଯ୍ୟକ୍ରମ ଆରମ୍ଭରେ ପ୍ରାରମ୍ଭିକ ଅଭିଭାଷଣ ପ୍ରଦାନ କରି ରାଜ୍ୟ ଇନ୍‌ଫରମେଟିକ୍ ଅଫିସର ଡ. ଅଶୋକ କୁମାର ହୋତା କହିଲେ ଯେ ନେଭା ଆପ୍ଲିକେସନ୍ ହେଉଛି ବିଧାନସଭାରେ କାଗଜମୁକ୍ତ କାର୍ଯ୍ୟକ୍ରମର ଏକ ଅଭିଯାନ ।

ଏହି ଯୋଜନା ମାଧ୍ୟମରେ ଜିଲ୍ଲାସ୍ତରଠାରୁ ଆରମ୍ଭ କରି ସମସ୍ତ ବିଧାୟକମାନଙ୍କୁ ଆବଶ୍ୟକ ସୂଚନା ଯୋଗାଇ ଦିଆଯାଇପାରିବ । ଏହି ଅବସରରେ ମାନ୍ୟବର ବାଚସ୍ପତି ସମାପ୍ତ ହୋଇଥିବା ନିର୍ବାଚନ କାର୍ଯ୍ୟରେ ସଫଳତାର ସହ ଦାୟିତ୍ୱ ତୁଲାଇଥିବା ଜିଲ୍ଲା ସୂଚନା ବିଜ୍ଞାନ ଅଧିକାରୀମାନଙ୍କ ସମ୍ବର୍ଦ୍ଧିତ କରିଥିଲେ । ବିଧାନସଭା ଦାୟିତ୍ୱରେ ଥିବା ଏନ୍‌ଆଇସିର ବରିଷ୍ଠ ବୈଷୟିକ ନିର୍ଦ୍ଦେଶିକା ସରିତା ସାହୁ ଧନ୍ୟବାଦ ଅର୍ପଣ କରିଥିଲେ ।


୧୦ ANUPAMBHARAT, BHUBANESWAR, SUNDAY , 30 JUNE 2024, PAGE-10 ଅନୁପମ ଭାରତ, ରବିବାର, ୩୦ ଜୁନ୍, ୨୦୨୪ ଭୁବନେଶ୍ୱର

# Swadhikara

## ରାଜ୍ୟସ୍ତରୀୟ ଇ-ବିଧାନ ତାଲିମ ଶିବିର ଉଦ୍‌ଘାଟିତ

# ବିଧାନସଭାର ସମସ୍ତ କାର୍ଯ୍ୟ କାଗଜମୁକ୍ତ ହେବ : ବାଚସ୍ପତି




ଭୁବନେଶ୍ୱର, ୨୯/୦୬ (ସ୍ୱାଧିକାର ନ୍ୟୁଜ): ଓଡ଼ିଶା ବିଧାନସଭା ସ୍ୱରୂପ ବଦଳିଛି ଓ କାର୍ଯ୍ୟଧାରାରେ ବ୍ୟାପକ ପରିବର୍ତ୍ତନ ସମ୍ଭବ ହୋଇ ପାରିଛି । ସମସ୍ତ କାର୍ଯ୍ୟର ଡିଜିଟାଇଜେସନ୍ ପ୍ରକ୍ରିୟା ଆରମ୍ଭ ହୋଇଛି । ବିଧାନସଭାର କାର୍ଯ୍ୟକୁ କାଗଜବିହୀନ କରିବା ଉପରେ ଗୁରୁତ୍ୱାରୋପ କରାଯାଉଛି । ଏହା ଫଳ ସ୍ୱରୂପ ଜାତୀୟ ଇନଫରମେଟିକ୍ସ ସେଣ୍ଟର (ଏନ୍‌ଆଇସି) ପକ୍ଷରୁ ରାଜ୍ୟ ବିଧାନସଭାରେ ନେଭା ନାମରେ ଇ-ବିଧାନ ପ୍ରକଳ୍ପ ଆରମ୍ଭ ହୋଇଛି । ଓଡ଼ିଶା ବିଧାନସଭା ସିଏସ୍‌ଆଇ-ଇ-ଗଭର୍ଣ୍ଣାନ୍ସ ଉତ୍କର୍ଷ ସମ୍ମାନରେ ସମ୍ମାନିତ ହୋଇଛି ବୋଲି ବାଚସ୍ପତି ସୁରମା ପାଢ଼ୀ ପ୍ରକାଶ କରିଛନ୍ତି ।

ଓଡ଼ିଶା ବିଧାନସଭା ପରିସରରେ ରାଜ୍ୟସ୍ତରୀୟ ଇ-ବିଧାନ ତାଲିମ ଶିବିରକୁ ଆନୁଷ୍ଠାନିକ ଭାବେ ଉଦଘାଟନ କରି ବାଚସ୍ପତି ଶ୍ରୀମତୀ ପାଢ଼ୀ କହିଲେ ଯେ ବିଧାନସଭାର ସମସ୍ତ କାର୍ଯ୍ୟ କାଗଜମୁକ୍ତ ହେବା ଦ୍ୱାରା ପରିବେଶ ସନ୍ତୁଳନ ରକ୍ଷାରେ ଏହା ସହାୟକ ହେବ । ପୂର୍ବ ବିଧାନସଭାରେ ଏହି କାର୍ଯ୍ୟ ଆରମ୍ଭ ହୋଇଥିବାବେଳେ ଚଳିତ ବିଧାନସଭାରେ ଏହା ସଂପୂର୍ଣ୍ଣ ହେବ । ବିଧାନସଭାର ସମସ୍ତ କାର୍ଯ୍ୟଧାରା, ପ୍ରଶ୍ନୋତ୍ତର କାର୍ଯ୍ୟକ୍ରମ ଠାରୁ ଆରମ୍ଭ କରି ସମସ୍ତ ବିଲ୍ ଓ ଆନୁଷଙ୍ଗିକ କାର୍ଯ୍ୟକଳାପ ନେଭା ମାଧ୍ୟମରେ ସହଜ ଓ ସରଳ ହୋଇପାରିବ ।

କୃତ୍ରିମ ବୁଦ୍ଧିମତ୍ତାର ପରିସର ଯେପରି ବ୍ୟାପକ ହେବାରେ ଲାଗିଛି । ଏହି ପ୍ରକଳ୍ପକୁ ଆମକୁ ନିର୍ଦ୍ଦିଷ୍ଟ ସମୟସୀମା ମଧ୍ୟରେ ସାରିବାକୁ ପଡ଼ିବ, ନହେଲେ ବୈଷୟିକ ଦୃଷ୍ଟିରୁ ଆମେ ପଛରେ ପଡ଼ିଯିବା । ଆଗାମୀ ଦିନରେ ନେଭା କାର୍ଯ୍ୟକ୍ରମକୁ କାଗଜମୁକ୍ତ କରାଯିବା ଫଳରେ ଜୀବନ୍ତ ସଦନ, ଜୀବନ୍ତ ପ୍ରଜାତନ୍ତ୍ରର ଆଭିମୁଖ୍ୟ ହାସଲ ହୋଇପାରିବ ବୋଲି ବାଚସ୍ପତି ଶ୍ରୀମତୀ ପାଢ଼ୀ କହିଥିଲେ ।

ଏହି ଅବସରରେ ବିଧାନସଭାର ସଚିବ ଦାଶରଥି ଶତପଥୀ କହିଲେ ଯେ ଗଣତାନ୍ତ୍ରିକ ପଦ୍ଧତିରେ ଚାଲୁଥିବା ବିଧାନସଭାର କାର୍ଯ୍ୟଧାରା କାଗଜମୁକ୍ତ ହୋଇପାରିବା ଏକ ସ୍ୱାଗତଯୋଗ୍ୟ ପଦକ୍ଷେପ । ଏହା ଫଳରେ ସମସ୍ତ କାର୍ଯ୍ୟ ସମୟ ସାପେକ୍ଷ ଓ ସ୍ୱଚ୍ଛ ହୋଇପାରିବ । ନେଭା ପ୍ରକଳ୍ପର ମୂଳ ଲକ୍ଷ୍ୟ ହେଉଛି କାଗଜମୁକ୍ତ ଯୋଜନାକୁ କାର୍ଯ୍ୟକାରୀ କରିବା । ଆମର ଜିଲ୍ଲାସ୍ତରରେ ଜିଲ୍ଲା ସୂଚନା ବିଜ୍ଞାନ ଅଧିକାରୀମାନଙ୍କର ଭୂମିକା ଏ କ୍ଷେତ୍ରରେ ଖୁବ୍ ଗୁରୁତ୍ୱପୂର୍ଣ୍ଣ ।

କାର୍ଯ୍ୟକ୍ରମ ଆରମ୍ଭରେ ପ୍ରାରମ୍ଭିକ ଅଭିଭାଷଣ ପ୍ରଦାନ କରି ରାଜ୍ୟ ଇନଫରମେଟିକ୍ସ ଅଫିସର ଡ. ଅଶୋକ କୁମାର ହୋତା କହିଲେ ଯେ ନେଭା ଆପ୍ଲିକେସନ୍ ହେଉଛି ବିଧାନସଭାରେ କାଗଜମୁକ୍ତ କାର୍ଯ୍ୟକ୍ରମର ଏକ ଅଭିଯାନ । ଏହି ଯୋଜନା ମାଧ୍ୟମରେ ଜିଲ୍ଲାସ୍ତରଠାରୁ ଆରମ୍ଭ କରି ସମସ୍ତ ବିଧାୟକମାନଙ୍କୁ ଆବଶ୍ୟକ ସୂଚନା ଯୋଗାଇ ଦିଆଯାଇପାରିବ ।

ଏହି ଅବସରରେ ବାଚସ୍ପତି ସମାପ୍ତ ହୋଇଥିବା ନିର୍ବାଚନ କାର୍ଯ୍ୟରେ ସଫଳତାର ସହ ଦାୟିତ୍ୱ ତୁଲାଇଥିବା ଜିଲ୍ଲା ସୂଚନା ବିଜ୍ଞାନ ଅଧିକାରୀମାନଙ୍କ ସମ୍ବର୍ଦ୍ଧିତ କରିଥିଲେ । ବିଧାନସଭା ଦାୟିତ୍ୱରେ ଥିବା ଏନ୍‌ଆଇସିର ବରିଷ୍ଠ ବୈଷୟିକ ନିର୍ଦ୍ଦେଶିକା ସରିତା ସାହୁ ଧନ୍ୟବାଦ ଅର୍ପଣ କରିଥିଲେ ।

# ବିଧାନସଭା କାର୍ଯ୍ୟ କାଗଜମୁକ୍ତ ହେବ

**Pragatibadi**

■ ଭୁବନେଶ୍ୱର,ତା୨୯।୬(ପିଏନଏସ):

ଓଡ଼ିଶା ବିଧାନସଭା ସ୍ୱରୂପ ବଦଳିଛି ଓ କାର୍ଯ୍ୟଧାରାରେ ବ୍ୟାପକ ପରିବର୍ତ୍ତନ ସମ୍ଭବ ହୋଇପାରିଛି । ସମସ୍ତ କାର୍ଯ୍ୟର ଡିଜିଟାଇଜେସନ ପ୍ରକ୍ରିୟା ଆରମ୍ଭ ହୋଇଛି । ବିଧାନସଭାର କାର୍ଯ୍ୟକୁ କାଗଜବିହୀନ କରିବା ଉପରେ ଗୁରୁତ୍ୱାରୋପ କରାଯାଉଛି । ଏହା ଫଳ ସ୍ୱରୂପ ଜାତୀୟ ଇନଫରମେଟିକ ସେଣ୍ଟର (ଏନଆଇସି) ପକ୍ଷରୁ ରାଜ୍ୟ ବିଧାନସଭାରେ ନେଭା ନାମରେ ଇ-ବିଧାନ ପ୍ରକଳ୍ପ ଆରମ୍ଭ ହୋଇଛି । ଓଡ଼ିଶା ବିଧାନସଭା ସିଏସଆଇ-ଇ-ଗଭର୍ଣ୍ଣାନ୍ସ ଉତ୍କର୍ଷ ସମ୍ମାନରେ ସମ୍ମାନିତ ହୋଇଛି ବୋଲି ବାଚସ୍ପତି ସୁରମା ପାଢ଼ୀ ପ୍ରକାଶ କରିଛନ୍ତି ।

ଓଡ଼ିଶା ବିଧାନସଭା ପରିସରରେ ରାଜ୍ୟସ୍ତରୀୟ ଇ-ବିଧାନ ତାଲିମ ଶିବିରକୁ ଆନୁଷ୍ଠାନିକ ଭାବେ ଉଦଘାଟନ କରି ବାଚସ୍ପତି ଶ୍ରୀମତୀ ପାଢ଼ୀ କହିଲେ ଯେ ବିଧାନସଭାର ସମସ୍ତ କାର୍ଯ୍ୟ କାଗଜମୁକ୍ତ ହେବା ଦ୍ୱାରା ପରିବେଶ ସନ୍ତୁଳନ ରକ୍ଷାରେ ଏହା ସହାୟକ ହେବ । ପୂର୍ବ ବିଧାନସଭାରେ ଏହି କାର୍ଯ୍ୟ ଆରମ୍ଭ ହୋଇଥିବା ବେଳେ



ଚଳିତ ବିଧାନସଭାରେ ଏହା ସଂପୂର୍ଣ୍ଣ ହେବ । ବିଧାନସଭାର ସମସ୍ତ କାର୍ଯ୍ୟଧାରା, ପ୍ରଶ୍ନୋତ୍ତର କାର୍ଯ୍ୟକ୍ରମଠାରୁ ଆରମ୍ଭ କରି ସମସ୍ତ ବିଲ୍ ଓ ଆନୁଷଙ୍ଗିକ କାର୍ଯ୍ୟକଳାପ ନେଭା ମାଧ୍ୟମରେ ସହଜ ଓ ସରଳ ହୋଇପାରିବ ।

ବିଧାନସଭାର ସଚିବ ଦାଶରଥି ଶତପଥୀ କହିଲେ ଯେ ଗଣତାନ୍ତ୍ରିକ ପଦ୍ଧତିରେ ଚାଲୁଥିବା ବିଧାନସଭାର କାର୍ଯ୍ୟଧାରା କାଗଜମୁକ୍ତ ହୋଇପାରିବା ଏକ ସ୍ୱାଗତଯୋଗ୍ୟ ପଦକ୍ଷେପ । ରାଜ୍ୟ ଉନଫର୍ମେଟିକ ଅଫିସର ଡ. ଅଶୋକ କୁମାର ହୋତା ନେଭା ଆପ୍ଲିକେସନ୍ ବିଧାନସଭାରେ କାଗଜମୁକ୍ତ କାର୍ଯ୍ୟକ୍ରମର ଏକ ଅଭିଯାନ ବୋଲି କହିଥିଲେ । ବାଚସ୍ପତି ସମାପ୍ତ ହୋଇଥିବା ନିର୍ବାଚନ କାର୍ଯ୍ୟରେ ସଫଳତାର ସହ ଦାୟିତ୍ୱ ତୁଲାଇଥିବା ଜିଲ୍ଲା ସୂଚନା ବିଜ୍ଞାନ ଅଧିକାରୀମାନଙ୍କ ସମ୍ବର୍ଦ୍ଧିତ କରିଥିଲେ । ବିଧାନସଭା ଦାୟିତ୍ୱରେ ଥିବା ଏନ୍‌ଆଇସିର ବରିଷ୍ଠ ବୈଷୟିକ ନିର୍ଦ୍ଦେଶିକା ସରିତା ସାହୁ ଧନ୍ୟବାଦ ଅର୍ପଣ କରିଥିଲେ ।

**Samaj**

# ବିଧାନସଭା କାର୍ଯ୍ୟ ହେବ କାଗଜମୁକ୍ତ




## ■ରାଜ୍ୟସ୍ତରୀୟ ଇ-ବିଧାନ ତାଲିମ ଶିବିର ଉଦ୍‌ଘାଟିତ
## ■ଜୀବନ୍ତ ସଦନ, ଜୀବନ୍ତ ପ୍ରଜାତନ୍ତ୍ର: ବାଚସ୍ପତି

ଭୁବନେଶ୍ୱର,୨୯।୬(ଭୁ.ପ୍ର): ଓଡ଼ିଶା ବିଧାନସଭା ସ୍ୱରୂପ ବଦଳିଛି ଓ କାର୍ଯ୍ୟଧାରାରେ ବ୍ୟାପକ ପରିବର୍ତ୍ତନ ସମ୍ଭବ ହୋଇପାରିଛି । ସମସ୍ତ କାର୍ଯ୍ୟର ଡିଜିଟାଇଜେସନ୍ ପ୍ରକ୍ରିୟା ଆରମ୍ଭ ହୋଇଛି । ବିଧାନସଭାର କାର୍ଯ୍ୟକୁ କାଗଜବିହୀନ କରିବା ଉପରେ ଗୁରୁତ୍ୱାରୋପ କରାଯାଉଛି । ଏହାର ଫଳ ସ୍ୱରୂପ ଜାତୀୟ ଇନ୍‌ଫର୍‌ମେଟିକ୍ ସେଣ୍ଟର (ଏନ୍‌ଆଇସି) ପକ୍ଷରୁ ରାଜ୍ୟ ବିଧାନସଭାରେ ନେଭା ନାମରେ ଇ-ବିଧାନ ପ୍ରକଳ୍ପ ଆରମ୍ଭ ହୋଇଛି । ଓଡ଼ିଶା ବିଧାନସଭା ସିଏସ୍‌ଆଇ ଇ-ଗଭର୍ଣ୍ଣାନ୍ସ ଉତ୍କର୍ଷ ସମ୍ମାନରେ ସମ୍ମାନିତ ହୋଇଛି ବୋଲି ବାଚସ୍ପତି ସୁରମା ପାଢ଼ୀ ପ୍ରକାଶ କରିଛନ୍ତି ।

ଓଡ଼ିଶା ବିଧାନସଭା ପରିସରରେ ରାଜ୍ୟସ୍ତରୀୟ ଇ-ବିଧାନ ତାଲିମ ଶିବିରକୁ ଉଦ୍‌ଘାଟନ କରି ବାଚସ୍ପତି ଶ୍ରୀମତୀ ପାଢ଼ୀ କହିଲେ ଯେ, ବିଧାନସଭାର ସମସ୍ତ କାର୍ଯ୍ୟ କାଗଜମୁକ୍ତ ହେବା ଦ୍ୱାରା ପରିବେଶ ଭାରସାମ୍ୟ ରକ୍ଷାରେ ଏହା ସହାୟକ ହେବ । ପୂର୍ବ ବିଧାନସଭାରେ ଏହି କାର୍ଯ୍ୟ ଆରମ୍ଭ ହୋଇଥିବାବେଳେ ଚଳିତ ବିଧାନସଭାରେ ଏହା ସମ୍ପୂର୍ଣ୍ଣ ହେବ । ବିଧାନସଭାର ସମସ୍ତ କାର୍ଯ୍ୟଧାରା, ପ୍ରଶ୍ନୋତ୍ତର କାର୍ଯ୍ୟକ୍ରମଠାରୁ ଆରମ୍ଭ କରି ସମସ୍ତ ବିଧେୟକ ଓ ଆନୁଷଙ୍ଗିକ କାର୍ଯ୍ୟକଳାପ ନେଭା ମାଧ୍ୟମରେ ସହଜ ଓ ସରଳ ହୋଇପାରିବ । କୃତ୍ରିମ ବୁଦ୍ଧିମତ୍ତାର ପରିସର ଯେପରି ବ୍ୟାପକ ହେବାରେ ଲାଗିଛି, ଏହି ପ୍ରକଳ୍ପକୁ ଆମକୁ ନିର୍ଦ୍ଦିଷ୍ଟ ସମୟସୀମା ମଧ୍ୟରେ ସାରିବାକୁ ପଡ଼ିବ, ନହେଲେ ବୈଷୟିକ ଦୃଷ୍ଟିରୁ ଆମେ ପଛରେ ପଡ଼ିଯିବା । ଆଗାମୀ ଦିନରେ ନେଭା କାର୍ଯ୍ୟକ୍ରମକୁ କାଗଜମୁକ୍ତ କରାଯିବା ଫଳରେ ଜୀବନ୍ତ ସଦନ, ଜୀବନ୍ତ ପ୍ରଜାତନ୍ତ୍ରର ଆଭିମୁଖ୍ୟ ହାସଲ ହୋଇପାରିବ ବୋଲି ବାଚସ୍ପତି ଶ୍ରୀମତୀ ପାଢ଼ୀ କହିଥିଲେ ।

ବିଧାନସଭାର ସଚିବ ଦାଶରଥି ଶତପଥୀ କହିଲେ ଯେ, ଗଣତାନ୍ତ୍ରିକ ପଦ୍ଧତିରେ ଚାଲୁଥିବା ବିଧାନସଭାର କାର୍ଯ୍ୟଧାରା କାଗଜମୁକ୍ତ ହୋଇପାରିବା ଏକ ସ୍ୱାଗତଯୋଗ୍ୟ ପଦକ୍ଷେପ । ଏହା ଫଳରେ ସମସ୍ତ କାର୍ଯ୍ୟ ସମୟସାପେକ୍ଷ ଓ ସ୍ୱଚ୍ଛ ହୋଇପାରିବ । ନେଭା ପ୍ରକଳ୍ପର ମୂଳ ଲକ୍ଷ୍ୟ ହେଉଛି କାଗଜମୁକ୍ତ ଯୋଜନାକୁ କାର୍ଯ୍ୟକାରୀ କରିବା । ଆମର ଜିଲାସ୍ତରରେ ଜିଲା ସୂଚନା ବିଜ୍ଞାନ ଅଧିକାରୀଙ୍କ ଭୂମିକା ଏ କ୍ଷେତ୍ରରେ ଖୁବ୍ ଗୁରୁତ୍ୱପୂର୍ଣ୍ଣ । କାର୍ଯ୍ୟକ୍ରମ ଆରମ୍ଭରେ ପ୍ରାରମ୍ଭିକ ଅଭିଭାଷଣ ପ୍ରଦାନ କରି ଡ. ଅଶୋକ କୁମାର ହୋତା କହିଲେ ଯେ, ନେଭା ଆପ୍ଲିକେସନ୍ ହେଉଛି ବିଧାନସଭାରେ କାଗଜମୁକ୍ତ କାର୍ଯ୍ୟକ୍ରମର ଏକ ଅଭିଯାନ । ଏହି ଯୋଜନା ମାଧ୍ୟମରେ ଜିଲାସ୍ତରଠାରୁ ଆରମ୍ଭ କରି ସମସ୍ତ ବିଧାୟକଙ୍କୁ ଆବଶ୍ୟକ ସୂଚନା ଯୋଗାଇ ଦିଆଯାଇପାରିବ ।

ଏହି ଅବସରରେ ବାଚସ୍ପତି ସମାପ୍ତ ହୋଇଥିବା ନିର୍ବାଚନ କାର୍ଯ୍ୟରେ ସଫଳତାର ସହ ଦାୟିତ୍ୱ ତୁଲାଇଥିବା ଜିଲା ସୂଚନା ବିଜ୍ଞାନ ଅଧିକାରୀଙ୍କୁ ସମ୍ବର୍ଦ୍ଧିତ କରିଥିଲେ । ବିଧାନସଭା ଦାୟିତ୍ୱରେ ଥିବା ଏନ୍‌ଆଇସିର ବରିଷ୍ଠ ବୈଷୟିକ ନିର୍ଦ୍ଦେଶିକା ସରିତା ସାହୁ ଧନ୍ୟବାଦ ଅର୍ପଣ କରିଥିଲେ ।

Odisha Bhaskar

## ରାଜ୍ୟସ୍ତରୀୟ ଇ-ବିଧାନ ତାଲିମ ଶିବିର ଉଦ୍‌ଘାଟିତ

# ବିଧାନସଭାର ସମସ୍ତ କାର୍ଯ୍ୟ କାଗଜମୁକ୍ତ ହେବ: ବାଚସ୍ପତି

ଭୁବନେଶ୍ୱର(ଭାସ୍କର ନ୍ୟୁଜ): ଓଡ଼ିଶା ବିଧାନସଭା ସ୍ୱରୂପ ବଦଳିଛି ଓ କାର୍ଯ୍ୟଧାରାରେ ବ୍ୟାପକ ପରିବର୍ତ୍ତନ ସମ୍ଭବ ହୋଇପାରିଛି। ସମସ୍ତ କାର୍ଯ୍ୟର ଡିଜିଟାଇଜେସନ୍ ପ୍ରକ୍ରିୟା ଆରମ୍ଭ ହୋଇଛି। ବିଧାନସଭାର କାର୍ଯ୍ୟକୁ କାଗଜବିହୀନ କରିବା ଉପରେ ଗୁରୁତ୍ୱାରୋପ କରାଯାଉଛି। ଏହା ଫଳ ସ୍ୱରୂପ ଜାତୀୟ ଇନ୍ ଫରମେଟିକ୍ ସେଣ୍ଟର (ଏନ୍‌ଆଇସି) ପକ୍ଷରୁ ରାଜ୍ୟ ବିଧାନସଭାରେ ନେଭା ନାମରେ ଇ-ବିଧାନ ପ୍ରକଳ୍ପ ଆରମ୍ଭ ହୋଇଛି। ଓଡ଼ିଶା ବିଧାନସଭା ସିଏସ୍ ଆଇ-ଇ-ଗଭର୍ଣ୍ଣାନ୍ସ ଉତ୍କର୍ଷ ସମ୍ମାନରେ ସମ୍ମାନିତ ହୋଇଛି ବୋଲି ବାଚସ୍ପତି ସୁରମା ପାଢ଼ୀ ପ୍ରକାଶ କରିଛନ୍ତି। ଓଡ଼ିଶା ବିଧାନସଭା ପରିସରରେ ରାଜ୍ୟସ୍ତରୀୟ ଇ-ବିଧାନ ତାଲିମ ଶିବିରକୁ ଆନୁଷ୍ଠାନିକ ଭାବେ ଉଦ୍‌ଘାଟନ କରି ବାଚସ୍ପତି ଶ୍ରୀମତୀ ପାଢ଼ୀ କହିଲେ ଯେ ବିଧାନସଭାର ସମସ୍ତ କାର୍ଯ୍ୟ କାଗଜମୁକ୍ତ ହେବା ଦ୍ୱାରା ପରିବେଶ ସନ୍ତୁଳନ ରକ୍ଷାରେ ଏହା ସହାୟକ ହେବ। ପୂର୍ବ ବିଧାନସଭାରେ ଏହି କାର୍ଯ୍ୟ ଆରମ୍ଭ ହୋଇଥିବାବେଳେ ଚଳିତ ବିଧାନସଭାରେ ଏହା ସଂପୂର୍ଣ୍ଣ ହେବ। ବିଧାନସଭାର ସମସ୍ତ କାର୍ଯ୍ୟଧାରା, ପ୍ରଶ୍ନୋତ୍ତର କାର୍ଯ୍ୟକ୍ରମଠାରୁ ଆରମ୍ଭ କରି ସମସ୍ତ ବିଲ୍ ଓ ଆନୁଷଙ୍ଗିକ କାର୍ଯ୍ୟକଳାପ ନେଭା ମାଧ୍ୟମରେ ସହଜ ଓ ସରଳ ହୋଇପାରିବ। ଏହି ଅବସରରେ ବିଧାନସଭାର ସଚିବ ଦାଶରଥି ଶତପଥୀ କହିଲେ ଯେ ଗଣତାନ୍ତ୍ରିକ ପଦ୍ଧତିରେ ଚାଲୁଥିବା ବିଧାନସଭାର କାର୍ଯ୍ୟଧାରା କାଗଜମୁକ୍ତ ହୋଇପାରିବା ଏକ ସ୍ୱାଗତଯୋଗ୍ୟ ପଦକ୍ଷେପ। ଏହା ଫଳରେ ସମସ୍ତ କାର୍ଯ୍ୟ ସମୟସାପେକ୍ଷ ଓ ସ୍ୱଚ୍ଛ ହୋଇପାରିବ। କାର୍ଯ୍ୟକ୍ରମ ଆରମ୍ଭରେ ପ୍ରାରମ୍ଭିକ ଅଭିଭାଷଣ ପ୍ରଦାନ କରି ରାଜ୍ୟ ଉନ୍‌ଫରମେଟିକ୍ ଅଫିସର ଡ. ଅଶୋକ କୁମାର ହୋତା କହିଲେ ଯେ ନେଭା ଆପ୍ଲିକେସନ୍ ହେଉଛି ବିଧାନସଭାରେ କାଗଜମୁକ୍ତ କାର୍ଯ୍ୟକ୍ରମର ଏକ ଅଭିଯାନ। ଏହି ଯୋଜନା ମାଧ୍ୟମରେ ଜିଲ୍ଲାସ୍ତରଠାରୁ ଆରମ୍ଭ କରି ସମସ୍ତ ବିଧାୟକମାନଙ୍କୁ ଆବଶ୍ୟକ ସୂଚନା ଯୋଗାଇ ଦିଆଯାଇପାରିବ। ଏହି ଅବସରରେ ବାଚସ୍ପତି ସମାପ୍ତ ହୋଇଥିବା ନିର୍ବାଚନ କାର୍ଯ୍ୟରେ ସଫଳତାର ସହ ଦାୟିତ୍ୱ ତୁଲାଇଥିବା ଜିଲ୍ଲା ସୂଚନା ବିଜ୍ଞାନ ଅଧିକାରୀମାନଙ୍କ ସମ୍ବର୍ଦ୍ଧିତ କରିଥିଲେ। ବିଧାନସଭା ଦାୟିତ୍ୱରେ ଥିବା ଏନ୍‌ଆଇସିର ବରିଷ୍ଠ ବୈଷୟିକ ନିର୍ଦ୍ଦେଶିକା ସରିତା ସାହୁ ଧନ୍ୟବାଦ ଅର୍ପଣ କରିଥିଲେ।

**Prameya**

## ରାଜ୍ୟସ୍ତରୀୟ ଇ-ବିଧାନ ତାଲିମ ଶିବିର ଉଦ୍‌ଘାଟିତ

# କାଗଜମୁକ୍ତ ହେବ ବିଧାନସଭା କାର୍ଯ୍ୟ




ଭୁବନେଶ୍ୱର, ୨୯।୬(ବ୍ୟୁରୋ): ଓଡ଼ିଶା ବିଧାନସଭା କାର୍ଯ୍ୟଧାରାରେ ବ୍ୟାପକ ପରିବର୍ତ୍ତନ ସମ୍ଭବ ହୋଇପାରିଛି। ସମସ୍ତ କାର୍ଯ୍ୟର ଡିଜିଟାଇଜେସନ୍ ପ୍ରକ୍ରିୟା ଆରମ୍ଭ ହୋଇଛି। ବିଧାନସଭା କାର୍ଯ୍ୟକୁ କାଗଜମୁକ୍ତ(ପେପରଲେସ୍) କରିବା ଉପରେ ଗୁରୁତ୍ୱାରୋପ କରାଯାଉଛି। ଏହାର ଫଳ ସ୍ୱରୂପ ଜାତୀୟ ଇନ୍‌ଫରମେଟିକ ସେଣ୍ଟର (ଏନ୍‌ଆଇସି) ପକ୍ଷରୁ ରାଜ୍ୟ ବିଧାନସଭାରେ ନେଭା ନାମରେ ଇ-ବିଧାନ ପ୍ରକଳ୍ପ ଆରମ୍ଭ ହୋଇଛି। ଓଡ଼ିଶା ବିଧାନସଭା ସିଏସ୍‌ଆଇ-ଇ-ଗଭର୍ଣ୍ଣାନ୍ସ ଉତ୍କର୍ଷ ସମ୍ମାନରେ ମଧ୍ୟ ସମ୍ମାନିତ ହୋଇଛି। ବିଧାନସଭା ପରିସରରେ ଆୟୋଜିତ ରାଜ୍ୟସ୍ତରୀୟ ଇ-ବିଧାନ ତାଲିମ ଶିବିର ଉଦ୍‌ଘାଟନ ଅବସରରେ ଆଜି ବାଚସ୍ପତି ସୁରମା ପାଢ଼ୀ ଏପରି କହିଛନ୍ତି।

ଶ୍ରୀମତୀ ପାଢ଼ୀ ଆହୁରି କହିଛନ୍ତି, ବିଧାନସଭାରେ ସମସ୍ତ କାର୍ଯ୍ୟ କାଗଜମୁକ୍ତ ହେବା ଦ୍ୱାରା ପରିବେଶ ସନ୍ତୁଳନ ରକ୍ଷାରେ ସହାୟକ ହେବ। ପୂର୍ବ ବିଧାନସଭାରେ ଏହି କାର୍ଯ୍ୟ ଆରମ୍ଭ ହୋଇଥିଲା। ଚଳିତ ବିଧାନସଭାରେ ଏହା ସମ୍ପୂର୍ଣ୍ଣ ହେବ। ବିଧାନସଭାର ସମସ୍ତ କାର୍ଯ୍ୟଧାରା, ପ୍ରଶ୍ନୋତ୍ତର କାର୍ଯ୍ୟକ୍ରମଠୁ ଆରମ୍ଭ କରି ସମସ୍ତ ବିଲ୍ ଓ ଆନୁଷଙ୍ଗିକ କାର୍ଯ୍ୟକଳାପ ନେଭା ମାଧ୍ୟମରେ ସହଜ ଓ ସରଳ ହୋଇପାରିବ। କୃତ୍ରିମ ବୁଦ୍ଧିମତା (ଏଆଇ)ର ପରିସର ବ୍ୟାପକ ହେବାରେ ଲାଗିଛି। ଏହି ପ୍ରକଳ୍ପକୁ ନିର୍ଦ୍ଦିଷ୍ଟ ସମୟସୀମା ମଧ୍ୟରେ ସାରିବାକୁ ପଡ଼ିବ। ନହେଲେ ଟେକ୍‌ନୋଲୋଜି ଦୃଷ୍ଟିରେ ଆମେ ପଛରେ ପଡ଼ିଯିବା।

**❖ ପରିବେଶ ସନ୍ତୁଳନ ରକ୍ଷାରେ ଏହା ସହାୟକ ହେବ**

**❖ ସମୟ କମ୍ ଓ ସ୍ୱଚ୍ଛ ହୋଇପାରିବ**

କାର୍ଯ୍ୟକ୍ରମରେ ଉପସ୍ଥିତ ବିଧାନସଭା ସଚିବ ଦାଶରଥୀ ଶତପଥୀ କହିଲେ, ଗଣତାନ୍ତ୍ରିକ ପଦ୍ଧତିରେ ଚାଲୁଥିବା ବିଧାନସଭାର କାର୍ଯ୍ୟଧାରା କାଗଜମୁକ୍ତ ହୋଇପାରିଛି। ଏହା ସ୍ୱାଗତଯୋଗ୍ୟ ପଦକ୍ଷେପ। ଏହା ଫଳରେ ସମସ୍ତ କାର୍ଯ୍ୟ କମ୍ ସମୟରେ ଏବଂ ସ୍ୱଚ୍ଛ ହୋଇପାରିବ। ନେଭା ପ୍ରକଳ୍ପର ମୂଳ ଲକ୍ଷ୍ୟ ହେଉଛି କାଗଜମୁକ୍ତ ଯୋଜନାକୁ କାର୍ଯ୍ୟକାରୀ କରିବା। ଜିଲ୍ଲାସ୍ତରରେ ଜିଲ୍ଲା ସୂଚନା ବିଜ୍ଞାନ ଅଧିକାରୀଙ୍କ ଭୂମିକା ଏ କ୍ଷେତ୍ରରେ ଗୁରୁତ୍ୱପୂର୍ଣ୍ଣ।

ଏହି ଅବସରରେ ଜିଲ୍ଲା ସୂଚନା ବିଜ୍ଞାନ ଅଧିକାରୀଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ସୂଚନାଯୋଗ୍ୟ, ବାଚସ୍ପତି, ସମସ୍ତ ବିଧାୟକ, ବିଧାନସବା ସଚିବଙ୍କ ଟେବୁଲରେ ଆଇ ପ୍ୟାଡ୍ ଲଗାଯାଇଛି। ରାଜ୍ୟ ଉନ୍‌ଫରମେଟିକ୍ ଅଫିସର ଡ. ଅଶୋକ କୁମାର ହୋତା ସ୍ୱାଗତ ଭାଷଣ ଦେଇଥିବା ବେଳେ ଏନ୍‌ଆଇସିର ବରିଷ୍ଠ ବୈଷୟିକ ନିର୍ଦ୍ଦେଶିକା ସରିତା ସାହୁ ଧନ୍ୟବାଦ ଦେଇଥିଲେ।

## Prajatantra

ପ୍ରଜାତନ୍ତ୍ର କଟକ ୩୦.୬.

# ରାଜ୍ୟସ୍ତରୀୟ ଇ-ବିଧାନ ତାଲିମ୍ ଶିବିର ଉଦ୍‌ଘାଟିତ

# ବିଧାନସଭାର ସମସ୍ତ କାର୍ଯ୍ୟ କାଗଜମୁକ୍ତ ହେବ : ବାଚସ୍ପତି

ଭୁବନେଶ୍ୱର: ଓଡ଼ିଶା ବିଧାନସଭା ସରୂପ ବଦଳିଛି ଓ କାର୍ଯ୍ୟଧାରାରେ ବ୍ୟାପକ ପରିବର୍ତ୍ତନ ସମ୍ଭବ ହୋଇପାରିଛି । ସମସ୍ତ କାର୍ଯ୍ୟର ଡିଜିଟାଇଜେସନ୍ ପ୍ରକ୍ରିୟା ଆରମ୍ଭ ହୋଇଛି । ବିଧାନସଭାର କାର୍ଯ୍ୟକୁ କାଗଜବିହୀନ କରିବା ଉପରେ ଗୁରୁତ୍ୱାରୋପ କରାଯାଉଛି । ଏହା ଫଳ ସରୂପ ଜାତୀୟ ଇନ୍‌ଫରମେଟିକ୍ ସେଣ୍ଟର (ଏନ୍‌ଆଇସି) ପକ୍ଷରୁ ରାଜ୍ୟ ବିଧାନସଭାରେ ନେଭା ନାମରେ ଇ-ବିଧାନ ପ୍ରକଳ୍ପ ଆରମ୍ଭ ହୋଇଛି । ଓଡ଼ିଶା ବିଧାନସଭା ସିଏସ୍ ଆଇ-ଇ-ଗଭର୍ଣ୍ଣାନ୍ସ ଉତ୍କର୍ଷ ସମ୍ମାନରେ ସମ୍ମାନିତ ହୋଇଛି ବୋଲି ବାଚସ୍ପତି ଶ୍ରୀମତୀ ସୁରମା ପାଢ଼ୀ ପ୍ରକାଶ କରିଛନ୍ତି । ଓଡ଼ିଶା ବିଧାନସଭା ପରିସରରେ ରାଜ୍ୟସ୍ତରୀୟ ଇ-ବିଧାନ ତାଲିମ ଶିବିରକୁ ଆନୁଷ୍ଠାନିକ ଭାବେ ଉଦ୍‌ଘାଟନ କରି ବାଚସ୍ପତି ଶ୍ରୀମତୀ ପାଢ଼ୀ କହିଲେ ଯେ ବିଧାନସଭାର ସମସ୍ତ କାର୍ଯ୍ୟ କାଗଜମୁକ୍ତ ହେବା ଦ୍ୱାରା ପରିବେଶ ସନ୍ତୁଳନ ରକ୍ଷାରେ ଏହା ସହାୟକ ହେବ । ପୂର୍ବ ବିଧାନସଭାରେ ଏହି କାର୍ଯ୍ୟ ଆରମ୍ଭ ହୋଇଥିବାବେଳେ ଚଳିତ ବିଧାନସଭାରେ ଏହା ସଂପୂର୍ଣ୍ଣ ହେବ । ବିଧାନସଭାର ସମସ୍ତ କାର୍ଯ୍ୟଧାରା, ପ୍ରଶ୍ନୋତ୍ତର କାର୍ଯ୍ୟକ୍ରମଠାରୁ ଆରମ୍ଭ କରି ସମସ୍ତ ବିଲ୍ ଓ ଆନୁଷଙ୍ଗିକ କାର୍ଯ୍ୟକଳାପ ନେଭା ମାଧ୍ୟମରେ ସହଜ ଓ ସରଳ ହୋଇପାରିବ । କୃତ୍ରିମ ବୁଦ୍ଧିମତାର ପରିସର ଯେପରି ବ୍ୟାପକ ହେବାରେ ଲାଗିଛି । ଏହି ପ୍ରକଳ୍ପକୁ ଆମକୁ ନିର୍ଦ୍ଦିଷ୍ଟ ସମୟସୀମା ମଧ୍ୟରେ ସାରିବାକୁ ପଡ଼ିବ, ନହେଲେ ବୈଷୟିକ ଦୃଷ୍ଟିରୁ ଆମେ ପଛରେ ପଡ଼ିଯିବା । ଆଗାମୀ ଦିନରେ ନେଭା କାର୍ଯ୍ୟକ୍ରମକୁ କାଗଜମୁକ୍ତ କରାଯିବା ଫଳରେ ଜୀବନ୍ତ ସଦନ, ଜୀବନ୍ତ ପ୍ରଜାତନ୍ତ୍ରର ଆଭିମୁଖ୍ୟ ହାସଲ ହୋଇପାରିବ ବୋଲି ବାଚସ୍ପତି ଶ୍ରୀମତୀ ପାଢ଼ୀ କହିଥିଲେ । ଏହି ଅବସରରେ ବିଧାନସଭାର ସଚିବ ଦାଶରଥି ଶତପଥୀ କହିଲେ ଯେ ଗଣତାନ୍ତ୍ରିକ ପଦ୍ଧତିରେ ଚାଲୁଥିବା ବିଧାନସଭାର କାର୍ଯ୍ୟଧାରା କାଗଜମୁକ୍ତ ହୋଇପାରିବା ଏକ ସ୍ୱାଗତଯୋଗ୍ୟ ପଦକ୍ଷେପ । ଏହା ଫଳରେ ସମସ୍ତ କାର୍ଯ୍ୟ ସମୟସାପେକ୍ଷ ଓ ସ୍ୱଚ୍ଛ ହୋଇପାରିବ । ନେଭା ପ୍ରକଳ୍ପର ମୂଳ ଲକ୍ଷ୍ୟ ହେଉଛି କାଗଜମୁକ୍ତ ଯୋଜନାକୁ କାର୍ଯ୍ୟକାରୀ କରିବା । ଆମର ଜିଲ୍ଲାସ୍ତରରେ ଜିଲ୍ଲା ସୂଚନା ବିଜ୍ଞାନ ଅଧିକାରୀମାନଙ୍କର ଭୂମିକା ଏ କ୍ଷେତ୍ରରେ ଖୁବ୍ ଗୁରୁତ୍ୱପୂର୍ଣ୍ଣ । କାର୍ଯ୍ୟକ୍ରମ ଆରମ୍ଭରେ ପ୍ରାରମ୍ଭିକ ଅଭିଭାଷଣ ପ୍ରଦାନ କରି ରାଜ୍ୟ ଉନ୍‌ଫରମେଟିକ୍ ଅଫିସର ଡ. ଅଶୋକ କୁମାର ହୋତା କହିଲେ ଯେ ନେଭା ଆପ୍ଲିକେସନ୍ ହେଉଛି ବିଧାନସଭାରେ କାଗଜମୁକ୍ତ କାର୍ଯ୍ୟକ୍ରମର ଏକ ଅଭିଯାନ । ଏହି ଯୋଜନା ମାଧ୍ୟମରେ ଜିଲ୍ଲାସ୍ତରଠାରୁ ଆରମ୍ଭ କରି ସମସ୍ତ ବିଧାୟକମାନଙ୍କୁ ଆବଶ୍ୟକ ସୂଚନା ଯୋଗାଇ ଦିଆଯାଇପାରିବ । ଏହି ଅବସରରେ ବାଚସ୍ପତି ସମାପ୍ତ ହୋଇଥିବା ନିର୍ବାଚନ କାର୍ଯ୍ୟରେ ସଫଳତାର ସହ ଦାୟିତ୍ୱ ତୁଲାଇଥିବା ଜିଲ୍ଲା ସୂଚନା ବିଜ୍ଞାନ ଅଧିକାରୀମାନଙ୍କ ସମ୍ବର୍ଦ୍ଧିତ କରିଥିଲେ । ବିଧାନସଭା ଦାୟିତ୍ୱରେ ଥିବା ଏନ୍‌ଆଇସିର ବରିଷ୍ଠ ବୈଷୟିକ ନିର୍ଦ୍ଦେଶିକା ସରିତା ସାହୁ ଧନ୍ୟବାଦ ଅର୍ପଣ କରିଥିଲେ ।

Suryaprabha

# ବିଧାନସଭା କାର୍ଯ୍ୟ ହେବ କାଗଜମୁକ୍ତ

**॥ ପ୍ରଭାନ୍ୟୁଜ୍ ॥ ଭୁବନେଶ୍ୱର, ୨୯।୬:** ଓଡ଼ିଶା ବିଧାନସଭା ସ୍ୱରୂପ ବଦଳିଛି ଓ କାର୍ଯ୍ୟଧାରାରେ ବ୍ୟାପକ ପରିବର୍ତ୍ତନ ସହ ଡିଜିଟାଇଜେସନ୍ ପ୍ରକ୍ରିୟା ଆରମ୍ଭ ହୋଇଛି । ବିଧାନସଭା କାର୍ଯ୍ୟକୁ କାଗଜବିହୀନ କରିବା ଉପରେ ଗୁରୁତ୍ୱାରୋପ କରାଯାଉଛି। ଏହା ଫଳ ସ୍ୱରୂପ ଜାତୀୟ ଇନ୍‌ଫରମେଟିକ୍ ସେଣ୍ଟର (ଏନ୍‌ଆଇସି) ପକ୍ଷରୁ ରାଜ୍ୟ ବିଧାନସଭାରେ ନେଭା ନାମରେ ଇ-ବିଧାନ ପ୍ରକଳ୍ପ ଆରମ୍ଭ ହୋଇଛି । ଓଡିଶା ବିଧାନସଭା ସିଏସ୍‌ଆଇ-ଇ-ଗଭର୍ଣ୍ଣାନ୍ସ ଉତ୍କର୍ଷ ସମ୍ମାନରେ ସମ୍ମାନିତ ହୋଇଛି ବୋଲି ବାଚ୍‌ସ୍ପତି ସୁରମା ପାଢ଼ୀ ପ୍ରକାଶ କରିଛନ୍ତି । ଓଡ଼ିଶା ବିଧାନସଭା ପରିସରରେ ରାଜ୍ୟସ୍ତରୀୟ ଇ-ବିଧାନ ତାଲିମ ଶିବିରକୁ ଆନୁଷ୍ଠାନିକ ଭାବେ ଉଦଘାଟନ କରି ବାଚ୍‌ସ୍ପତି ଶ୍ରୀମତୀ ପାଢ଼ୀ କହିଲେ ଯେ ବିଧାନସଭାର ସମସ୍ତ କାର୍ଯ୍ୟ କାଗଜମୁକ୍ତ ହେବା ଦ୍ୱାରା ପରିବେଶ ସନ୍ତୁଳନ ରକ୍ଷାରେ ଏହା ସହାୟକ ହେବ । ପୂର୍ବ ବିଧାନସଭାରେ ଏହି କାର୍ଯ୍ୟ ଆରମ୍ଭ ହୋଇଥିବାବେଳେ ଚଳିତ




ବିଧାନସଭାରେ ଏହା ସଂପୂର୍ଣ୍ଣ ହେବ । ଆଗାମୀ ଦିନରେ କାର୍ଯ୍ୟକ୍ରମକୁ କାଗଜମୁକ୍ତ କରାଯିବା ଫଳରେ ଜୀବନ୍ତ ସଦନ, ଜୀବନ୍ତ ପ୍ରଜାତନ୍ତ୍ରର ଆଭିମୁଖ୍ୟ ହାସଲ ହୋଇପାରିବ ବୋଲି ବାଚ୍‌ସ୍ପତି ଶ୍ରୀମତୀ ପାଢ଼ୀ କହିଥିଲେ । ଏହି ଅବସରରେ ବିଧାନସଭାର ସଚିବ ଦାଶରଥି ଶତପଥୀ କହିଲେ ଯେ, ଗଣତାନ୍ତ୍ରିକ ପଦ୍ଧତିରେ ଚାଲୁଥିବା ବିଧାନସଭାର କାର୍ଯ୍ୟଧାରା କାଗଜମୁକ୍ତ ହୋଇପାରିବା ଏକ ସ୍ୱାଗତଯୋଗ୍ୟ ପଦକ୍ଷେପ । ଏହା ଫଳରେ ସମସ୍ତ କାର୍ଯ୍ୟ ସମୟସାପେକ୍ଷ ଓ ସ୍ୱଚ୍ଛ ହୋଇପାରିବ। ନେଭା ପ୍ରକଳ୍ପର ମୂଳ ଲକ୍ଷ୍ୟ ହେଉଛି କାଗଜମୁକ୍ତ ଯୋଜନାକୁ କାର୍ଯ୍ୟକାରୀ କରିବା । ଆମର ଜିଲ୍ଲାସ୍ତରରେ ଜିଲ୍ଲା ସୂଚନା ବିଜ୍ଞାନ ଅଧିକାରୀମାନଙ୍କର ଭୂମିକା ଏ କ୍ଷେତ୍ରରେ ଖୁବ୍ ଗୁରୁତ୍ୱପୂର୍ଣ୍ଣ । ଏହି ଯୋଜନା ମାଧ୍ୟମରେ ଜିଲ୍ଲାସ୍ତରଠାରୁ ଆରମ୍ଭ କରି ସମସ୍ତ ବିଧାୟକମାନଙ୍କୁ ଆବଶ୍ୟକ ସୂଚନା ଯୋଗାଇ ଦିଆଯାଇପାରିବ। ଏହି ଅବସରରେ ବାଚ୍‌ସ୍ପତି ସମାପ୍ତ ହୋଇଥିବା ନିର୍ବାଚନ କାର୍ଯ୍ୟରେ ସଫଳତାର ସହ ଦାୟିତ୍ୱ ତୁଲାଇଥିବା ଜିଲ୍ଲା ସୂଚନା ବିଜ୍ଞାନ ଅଧିକାରୀମାନଙ୍କୁ ସମ୍ବର୍ଦ୍ଧିତ କରିଥିଲେ ।

## Matrubhasa

### ରାଜ୍ୟସ୍ତରୀୟ ଇ-ବିଧାନ ତାଲିମ ଶିବିର ଉଦ୍‌ଘାଟିତ

# ବିଧାନସଭାର ସମସ୍ତ କାର୍ଯ୍ୟ କାଗଜମୁକ୍ତ ହେବ : ବାଚସ୍ପତି

ଭୁବନେଶ୍ୱର : ଓଡ଼ିଶା ବିଧାନସଭା ସ୍ୱରୂପ ବଦଳିଛି ଓ କାର୍ଯ୍ୟଧାରାରେ ବ୍ୟାପକ ପରିବର୍ତ୍ତନ ସମ୍ଭବ ହୋଇପାରିଛି । ସମସ୍ତ କାର୍ଯ୍ୟର ଡିଜିଟାଇଜେସନ୍ ପ୍ରକ୍ରିୟା ଆରମ୍ଭ ହୋଇଛି । ବିଧାନସଭାର କାର୍ଯ୍ୟକୁ କାଗଜବିହୀନ କରିବା ଉପରେ ଗୁରୁତ୍ୱାରୋପ କରାଯାଉଛି । ଏହା ଫଳ ସ୍ୱରୂପ ଜାତୀୟ ଇନ୍‌ଫରମେଟିକ୍ ସେଣ୍ଟର (ଏନ୍‌ଆଇସି) ପକ୍ଷରୁ ରାଜ୍ୟ ବିଧାନସଭାରେ ନେଭା ନାମରେ ଇ-ବିଧାନ ପ୍ରକଳ୍ପ ଆରମ୍ଭ ହୋଇଛି । ଓଡ଼ିଶା ବିଧାନସଭା ସିଏସ୍ ଆଇ-ଇ-ଗଭର୍ଣ୍ଣାନ୍ସ ଉତ୍କର୍ଷ ସମ୍ମାନରେ ସମ୍ମାନିତ ହୋଇଛି ବୋଲି ବାଚସ୍ପତି ଶ୍ରୀମତୀ ସୁରମା ପାଢ଼ୀ ପ୍ରକାଶ କରିଛନ୍ତି । ଓଡ଼ିଶା ବିଧାନସଭା ପରିସରରେ ରାଜ୍ୟସ୍ତରୀୟ ଇ-ବିଧାନ ତାଲିମ ଶିବିରକୁ ଆନୁଷ୍ଠାନିକ ଭାବେ ଉଦ୍‌ଘାଟନ କରି ବାଚସ୍ପତି ଶ୍ରୀମତୀ ପାଢ଼ୀ କହିଲେ ଯେ ବିଧାନସଭାର ସମସ୍ତ କାର୍ଯ୍ୟ କାଗଜମୁକ୍ତ ହେବା ଦ୍ୱାରା ପରିବେଶ ସନ୍ତୁଳନ ରକ୍ଷାରେ ଏହା ସହାୟକ ହେବ । ପୂର୍ବ ବିଧାନସଭାରେ ଏହି କାର୍ଯ୍ୟ ଆରମ୍ଭ ହୋଇଥିବାବେଳେ ଚଳିତ ବିଧାନସଭାରେ ଏହା ସଂପୂର୍ଣ୍ଣ ହେବ । ବିଧାନସଭାର ସମସ୍ତ କାର୍ଯ୍ୟଧାରା, ପ୍ରଶ୍ନୋତ୍ତର କାର୍ଯ୍ୟକ୍ରମଠାରୁ ଆରମ୍ଭ କରି ସମସ୍ତ ବିଲ୍ ଓ ଆନୁଷଙ୍ଗିକ କାର୍ଯ୍ୟକଳାପ ନେଭା ମାଧ୍ୟମରେ ସହଜ ଓ ସରଳ ହୋଇପାରିବ । କୃତ୍ରିମ ବୁଦ୍ଧିମତାର ପରିସର ଯେପରି ବ୍ୟାପକ ହେବାରେ ଲାଗିଛି । ଏହି ପ୍ରକଳ୍ପକୁ ଆମକୁ ନିର୍ଦ୍ଦିଷ୍ଟ ସମୟସୀମା ମଧ୍ୟରେ ସାରିବାକୁ ପଡ଼ିବ, ନହେଲେ ବୈଷୟିକ ଦୃଷ୍ଟିରୁ ଆମେ ପଛରେ ପଡ଼ିଯିବା । ଆଗାମୀ ଦିନରେ ନେଭା କାର୍ଯ୍ୟକ୍ରମକୁ କାଗଜମୁକ୍ତ କରାଯିବା ଫଳରେ ଜୀବନ୍ତ ସଦନ, ଜୀବନ୍ତ ପ୍ରଜାତନ୍ତ୍ରର ଆଭିମୁଖ୍ୟ ହାସଲ ହୋଇପାରିବ ବୋଲି ବାଚସ୍ପତି ଶ୍ରୀମତୀ ପାଢ଼ୀ କହିଥିଲେ ।

## Dharitri

# ବିଧାନସଭାର ସମସ୍ତ କାର୍ଯ୍ୟ କାଗଜମୁକ୍ତ ହେବ: ବାଚସ୍ପତି

ଭୁବନେଶ୍ୱର,୨୯।୬(ଅନିଲ ଦାସ)

ଓଡ଼ିଶା ବିଧାନସଭାର ସ୍ୱରୂପ ବଦଳିବା ସହ କାର୍ଯ୍ୟଧାରାରେ ବ୍ୟାପକ ପରିବର୍ତ୍ତନ ହୋଇପାରିଛି। ସମସ୍ତ କାର୍ଯ୍ୟର ଡିଜିଟାଇଜେଶନ ପ୍ରକ୍ରିୟା ଆରମ୍ଭ ହୋଇଛି। ବିଧାନସଭାର କାର୍ଯ୍ୟକୁ କାଗଜବିହୀନ(ପେପରଲେସ୍) କରିବା ଉପରେ ଗୁରୁତ୍ୱାରୋପ କରାଯାଉଛି। ଏହା ଫଳ ସ୍ୱରୂପ ଜାତୀୟ ଇନ୍‌ଫର୍‌ମେଟିକ୍ ସେଣ୍ଟର (ଏନ୍‌ଆଇସି) ପକ୍ଷରୁ ରାଜ୍ୟ ବିଧାନସଭାରେ ନେଭା ନାମରେ ଇ-ବିଧାନ ପ୍ରକଳ୍ପ ଆରମ୍ଭ ହୋଇଛି। ଓଡ଼ିଶା ବିଧାନସଭା ସିଏସ୍‌ଆଇ-ଇ-ଗଭର୍ଣ୍ଣାନ୍ସ ଉତ୍କର୍ଷ ସମ୍ମାନରେ ସମ୍ମାନିତ ହୋଇଛି ବୋଲି ବାଚସ୍ପତି ସୁରମା ପାଢ଼ୀ କହିଛନ୍ତି।

ଓଡ଼ିଶା ବିଧାନସଭା ପରିସରରେ ଶନିବାର ରାଜ୍ୟସ୍ତରୀୟ ଇ-ବିଧାନ ତାଲିମ ଶିବିରକୁ ଆନୁଷ୍ଠାନିକ ଭାବେ ଉଦ୍‌ଘାଟନ କରି ବାଚସ୍ପତି ବାଚସ୍ପତି କହିଛନ୍ତି ଯେ ବିଧାନସଭାର ସମସ୍ତକାର୍ଯ୍ୟ କାଗଜମୁକ୍ତ ହେବା ଦ୍ୱାରା ପରିବେଶ ସନ୍ତୁଳନ ରକ୍ଷାରେ ଏହା ସହାୟକ ହେବ। ପୂର୍ବ ବିଧାନସଭାରେ ଏହି କାର୍ଯ୍ୟ ଆରମ୍ଭ ହୋଇଥିବାବେଳେ ଚଳିତ ବିଧାନସଭାରେ ଏହା ସମ୍ପୂର୍ଣ୍ଣ ହେବ। ବିଧାନସଭାର ସମସ୍ତ କାର୍ଯ୍ୟଧାରା, ପ୍ରଶ୍ନୋତ୍ତର କାର୍ଯ୍ୟକ୍ରମଠାରୁ ଆରମ୍ଭ କରି ସମସ୍ତ ବିଲ୍ ଓ ଆନୁଷଙ୍ଗିକ କାର୍ଯ୍ୟାକଳାପ ନେଭା ମାଧ୍ୟମରେ ସହଜ ଓ ସରଳ ହୋଇପାରିବ। କୃତ୍ରିମ ବୁଦ୍ଧିମତାର ପରିସର ଯେପରି ବ୍ୟାପକ ହେବାରେ ଲାଗିଛି। ଏହି ପ୍ରକଳ୍ପକୁ ଆମକୁ ନିର୍ଦ୍ଦିଷ୍ଟ ସମୟସୀମା ମଧ୍ୟରେ ଶେଷ କରିବାକୁ ପଡ଼ିବ, ନ ହେଲେ ବୈଷୟିକ ଦୃଷ୍ଟିରୁ ଆମେ ପଛରେ ପଡ଼ିଯିବା। ଆଗାମୀ ଦିନରେ ନେଭା କାର୍ଯ୍ୟକ୍ରମକୁ କାଗଜମୁକ୍ତ କରାଯିବା ଫଳରେ ଜୀବନ୍ତ ସଦନ, ଜୀବନ୍ତ ପ୍ରଜାତନ୍ତ୍ରର ଆଭିମୁଖ୍ୟ ହାସଲ ହୋଇପାରିବ ବୋଲି ବାଚସ୍ପତି କହିଛନ୍ତି। ଏହି ଅବସରରେ ବିଧାନସଭାର ସଚିବ ଦାଶରଥି ଶତପଥୀ କହିଛନ୍ତି ଯେ ଗଣତାନ୍ତ୍ରିକ ପଦ୍ଧତିରେ ଚାଲୁଥିବା ବିଧାନସଭାର କାର୍ଯ୍ୟଧାରା କାଗଜମୁକ୍ତ ହୋଇପାରିବା ଏକ ସ୍ୱାଗତଯୋଗ୍ୟ ପଦକ୍ଷେପ। ଏହା ଫଳରେ ସମସ୍ତ କାର୍ଯ୍ୟ ସମୟସାପେକ୍ଷ ଓ ସ୍ୱଚ୍ଛ ହୋଇପାରିବ। ଏହି ଅବସରରେ ବାଚସ୍ପତି ସମାପ୍ତ ହୋଇଥିବା ନିର୍ବାଚନ କାର୍ଯ୍ୟରେ ସଫଳତାର ସହ ଦାୟିତ୍ୱ ତୁଲାଇଥିବା ଜିଲ୍ଲା ସୂଚନା ବିଜ୍ଞାନ ଅଧିକାରୀମାନଙ୍କ ସମ୍ବର୍ଦ୍ଧିତ କରିଥିଲେ। ବିଧାନସଭା ଦାୟିତ୍ୱରେ ଥିବା ଏନ୍‌ଆଇସିର ବରିଷ୍ଠ ବୈଷୟିକ ନିର୍ଦ୍ଦେଶିକା ସରିତା ସାହୁ ଧନ୍ୟବାଦ ଦେଇଥିଲେ।

# Times of India

Printed from
THE TIMES OF INDIA

## 'Assembly to go paperless, MLAs to get tech training'

Jun 30, 2024, 06.11 AM IST



Bhubaneswar: Odisha assembly speaker Surama Padhy announced on Saturday that the entire assembly will become paperless. All old and new MLAs will be trained in the use of technology. The process is expected to be completed in two years.

Padhy said the National eVidhan Application (NeVA) has taken the responsibility for complete digitisation of Odisha Legislative Assembly.

The work has already started. "A training programme was organized on Saturday for officers of District Information Centres (DICs) to familiarize them with NeVA process," she added.

"Our target is to make the state assembly paperless. I hope we will achieve this target within two years. We plan to provide training to MLAs through NeVA. The previous govt had taken steps to make the assembly work paperless.

Tablets have been installed on each MLA's table in the assembly so that paper is not required," said Padhy.

She said legislators and the assembly staff will become acquainted with technology for the smooth operation of the House. Earlier, BJD govt presented a paperless budget.

The assembly has also made questions and answers available on NeVA portal for public consumption.

Official sources said digitization will create an environment-friendly workspace in the assembly.